ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 975/03-01-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୩ ଜାନୁଆରୀ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ଆସାମର ପୂର୍ବତନ ରାଜ୍ୟପାଳ ଜାନକୀ ବଲ୍ଲଭ ପଟ୍ଟନାୟକଙ୍କ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି । ରାଜ୍ୟର ପ୍ରଗତି ସହ ଓଡ଼ିଆ ସାହିତ୍ୟ ଓ ସାମ୍ବାଦିକତା କ୍ଷେତ୍ରରେ ତାଙ୍କ ବହୁମୂଲ୍ୟ ଅବଦାନ ସର୍ବଦା ସ୍ମରଣୀୟ ରହିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କୋଭିଡ୍-୧୯ ପାଇଁ ଗଠିତ ବିଷୟ ବିଶେଷଜ୍ଞ କମିଟି 'କୋଭାକ୍ସିନ୍'କୁ ଭାରତରେ ଜରୁରୀ ବ୍ୟବହାର ପାଇଁ ଅନୁମୋଦନ କରିଥିବାରୁ ଭାରତ ବାୟୋଟେକ୍‌କୁ ଅଭିନନ୍ଦନ ଜଣାଇଛନ୍ତି । ସମଗ୍ର ଦେଶରେ ଟୀକାକରଣ ଉଦ୍ୟମକୁ ଏହା ସଶକ୍ତ କରିବ ବୋଲି ସେ ଆଶାପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଦୁଇଟି 'ମେଡ୍ ଇନ୍ ଇଣ୍ଡିଆ' ଟୀକା ଭାରତୀୟ ବିଶେଷଜ୍ଞ ମଣ୍ଡଳୀ ଦ୍ୱାରା ଜରୁରୀ ବ୍ୟବହାର ପାଇଁ ଅନୁମୋଦିତ ହେବା ଅତ୍ୟନ୍ତ ଗୌରବର ବିଷୟ । କଠିନ ପରିସ୍ଥିତିରେ ଆମ ବୈଜ୍ଞାନିକମାନଙ୍କ କଠିନ ପରିଶ୍ରମ ଏବଂ ପ୍ରତିବଦ୍ଧତା ପାଇଁ ସମଗ୍ର ଦେଶ କୃତଜ୍ଞ ରହିବ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଆର୍ଜେଣ୍ଟିନା ବିପକ୍ଷରେ ଖେଳିବା ପାଇଁ ଯାଉଥିବା ଭାରତୀୟ ଜାତୀୟ ମହିଳା ଦଳରେ ଓଡ଼ିଶାର ହକି ଖେଳାଳୀ ଦୀପ୍ ଗ୍ରେସ୍ ଏକ୍କା, ଲିଲିମା ମିଞ୍ଜ, ନମିତା ଟପ୍ପୋ ଏବଂ ରଶ୍ମିତା ମିଞ୍ଜ ସ୍ଥାନ ପାଇଥିବାରୁ ସେମାନଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ଭାରତୀୟ ଦଳକୁ ଶୁଭେଚ୍ଛା ଜଣାଇଛନ୍ତି ।

'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୦,୧୨,୮୯୩ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୦,୩୦୯ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୫,୯୬୫ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୮୩ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୨,୪୦୮ ରହିଛି ।
- ୨,୪୦୮ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**